## ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୩୭ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୯୩୪ରେ ପହଞ୍ଚିଲା - ସୁସ୍ଥ ହେଲେ ୧୩ ଜଣ ।

ଅନୁଗୋଳ, ତା.୧୫.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୩୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୬୦ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଆଁରପାଳ ବ୍ଲକ୍ ଅଂଚଳରୁ ୮ଜଣ (୮ ଜଣ ପୁରୁଷ ), ଅନୁଗୋଳ ପୌରାଞ୍ଚଳରୁ ୭ଜଣ (୬ ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୬ ଜଣ ( ୩ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୫ଜଣ (୪ ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ୧ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଓ ତାଳଚେର ବ୍ଲକ୍ ଅଂଚଳରୁ ୨ଜଣ (୨ ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । କରୋନା ସଂକ୍ରମଣ ଦିନକୁ ଦିନ ବୃଦ୍ଧି ପାଉଥିବାରୁ ଆମେ ସଚେତନ ଓ ସତର୍କ ରହିବା ସହିତ ସଠିକ୍ ଭାବରେ ମାସ୍କ ପରିଧାନ,ସାମାଜିକ ଦୂରତା ଅବଲମ୍ବନ ଓ ନିୟମିତ ହାତ ଧୋଇବା ବର୍ତ୍ତମାନ ସମୟର ସବୁଠାରୁ ବଡ ଆବଶ୍ୟକତା ବୋଲି ଜିଲ୍ଲାପାଳ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୧୩ଜଣ ହୋମ Isolation ରେ ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୬୦    ତା.୧୫.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ